ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

News ID-IPR/COVID-19(OD)/ 17/05-04-2021

# ପ୍ରେସ୍ ବିବୃତି

ଭୁବନେଶ୍ୱର :୦୫ ଅପ୍ରେଲ, ୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଜାତୀୟ ସାମୁଦ୍ରିକ ଦିବସ ଅବସରରେ କହିଛନ୍ତି ଯେ ସମୁଦ୍ର ପରିବହନ ଅର୍ଥନୀତି ଏବଂ ବାଣିଜ୍ୟର ଏକ ପ୍ରମୁଖ ସଂଚାଳକ । ଓଡ଼ିଶାର ଗୌରବମୟ ସାମୁଦ୍ରିକ ବାଣିଜ୍ୟ ଐତିହ୍ୟକୁ ମନେ ପକାଇବାକୁ ଏବଂ ଓଡ଼ିଶାକୁ ବିଶ୍ୱ ସାମୁଦ୍ରିକ ବାଣିଜ୍ୟରେ ପ୍ରମୁଖ ସ୍ଥାନ ଦେବାକୁ ମାନ୍ୟବର ମୁଖ୍ୟମନ୍ତ୍ରୀ ସମସ୍ତଙ୍କୁ ଆହ୍ୱାନ ଦେଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଦୁବାଇଠାରେ ଅନୁଷ୍ଠିତ ଅନ୍ତର୍ଜାତୀୟ ପାରା ବ୍ୟାଡ୍‌ମିଣ୍ଟନ୍-୨୦୨୧ରେ ଓଡ଼ିଶାର ସଟ୍‌ଲର ଖେଳାଳୀ ପ୍ରମୋଦ ଭଗତ ଉଭୟ ଏକକ ଏବଂ ଯୁଗ୍ମ ବର୍ଗରେ ସ୍ୱର୍ଣ୍ଣ ପଦକ ବିଜୟୀ ହୋଇଥିବାରୁ ତାଙ୍କୁ ଅଭିନନ୍ଦନ ଜଣାଇଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ତାଙ୍କର ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଛନ୍ତି ।

## ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୯୧,୮୮,୦୩୮ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୪୩, ୨୬୮ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୭, ୯୩୫ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୨୨ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୩୩୫୮ ରହିଛି ।
- ୩୩୫୮ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**